The Odisha Gazette

EXTRAORDINARY

PUBLISHED BY AUTHORITY

No. 211 CUTTACK, FRIDAY, FEBRUARY 10, 2017/MAGHA 21, 1938

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 24 ଜାନୁଆରୀ 2017

ସଂଖ୍ୟା 2894—RDM-LAA-NGH-0025/2017-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ନୟାଗଡ଼ ଜିଲ୍ଲାର ଖୋର୍ଦ୍ଧା ରୋଡ–ବଲାଙ୍ଗୀର ନୂତନ ଓସାରିଆ ରେଳପଥ ନିର୍ମାଣ ନିମନ୍ତେ ମୌଜା ସୁନାଗେଞ୍ଜା, ଥାନା ଦଶପଲ୍ଲା ନଂ. ୪୦୧, ତହସିଲ ଦଶପଲ୍ଲା, ଜିଲ୍ଲା ନୟାଗଡ଼ରେ ନିମ୍ନ ତଫସିଲମତେ ପ୍ରାୟ 0.010 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ଖୋର୍ଦ୍ଧା ରୋଡ–ବଲାଙ୍ଗୀର ନୂତନ ଓସାରିଆ ରେଳପଥ ପ୍ରକଳ୍ପ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ –ଉପ ମୁଖ୍ୟ ଯନ୍ତ୍ରୀ (ନିର୍ମାଣ–୨), ପୂର୍ବତଟ ରେଳପଥ, ଭୁବନେଶ୍ୱର ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ରେଳପଥ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଓଡ଼ିଶା ସରକାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଘୋଷଣାନାମା ଚିଠି ସଂଖ୍ୟା ୨୨୭, ତାରିଖ ୪ ଜାନୁଆରୀ ୨୦୧୭ ପ୍ରକାରେ ଭୂମି ଅଧିଗ୍ରହଣ ନିମନ୍ତେ ଧାରା ୮(୨)ରେ ଅନୁମୋଦନ ହୋଇଅଛି ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପ ଜିଲ୍ଲାପାଳ, ନୟାଗଡ଼ ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ନୟାଗଡ଼ | ଦଶପଲ୍ଲା | ସୁନାଗେଞ୍ଜା | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୧୬୦ ଏକର | ୦.୦୧୦ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ଖୋର୍ଦ୍ଧା ରୋଡ–ବଲାଙ୍ଗୀର ନୂତନ ଓସାରିଆ ରେଳପଥ ପ୍ରକଳ୍ପ, ନୟାଗଡ଼ଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ନୟାଗଡ଼ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ) ଦିନ ମଧ୍ୟରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 15ର ବ୍ୟବସ୍ଥା ଅନୁଯାୟୀ ନୟାଗଡ଼ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## LAND SCHEDULE

| Khata No. | Plot No. | Total area | Area to be acquired | Kissam | Name of the recorded raiyat |
|---|---|---|---|---|---|
| (1) | (2) | (3) (in acres) | (4) (in acres) | (5) | (6) |
| 124 | 59 | 0.160 | 0.010 | S.D.F.-II | Satyabadi Mishra, S/o Deba Mishra, Banchanidhi Mishra, Maheswar Mishra, Dayanidhi Mishra, S/o Kailash Mishra, Tilottama Mishra, W/o Kailash Mishra. |
| | | **Total ..** | **0.010** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2081—173+20